ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୧୩୨ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୯୩୯୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୮୧ ଜଣ ।

ଅନୁଗୋଳ, ତା,୦୫.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୩୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ୍ ଆକ୍ରାନ୍ତଙ୍କ ସଂଖ୍ୟା ୧୫୨ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୪୦ଜଣ ( ୪୦ଜଣ ପୁରୁଷ ), ବଅାଁରପାଳ ବ୍ଲକ୍ ଅଂଚଳରୁ ୨୯ଜଣ ( ୧୯ଜଣ ପୁରୁଷ ଓ ୧୦ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨୦ଜଣ ( ୧୬ଜଣ ପୁରୁଷ ଓ୪ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୪ଜଣ ( ୧୧ଜଣ ପୁରୁଷ ଓ ୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୭ଜଣ ( ୨ଜଣ ପୁରୁଷ ଓ ୫ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ (୧ ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୮୧ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୭ଜଣ କୋଭିଡ ହସପିଟାଲରୁ ,୨ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୭୨ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୨୬ ତା.୦୫.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(signature) ୦୫/୧୧/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ